**REGIONAL NEWS UNIT, AIR CUTTACK**

**Morning Bulletin (7.05 AM)**

**21 December - 2024**

**News Editor *: Itishree Singh Rathaur***

# କେନ୍ଦ୍ରୀୟ ବଜେଟ୍

ରାଜସ୍ଥାନର ଜୈଶଲମେରରେ ଅନୁଷ୍ଠିତ ପ୍ରାକ୍ ବଜେଟ୍ ପରାମର୍ଶ ବୈଠକରେ ଯୋଗଦେଇ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଶିଳ୍ପ, ପର୍ଯ୍ୟଟନ, ସହରାଞ୍ଚଳ ବିକାଶ ଓ ଭିତ୍ତିଭୂମି ପାଇଁ ୨୦୨୫-୨୬ କେନ୍ଦ୍ର ବଜେଟ୍‌ରେ ଓଡ଼ିଶା ଲାଗି ସ୍ୱତନ୍ତ୍ର ସହାୟତା ଦାବି କରିଛନ୍ତି। ଏଥିସହ ରାଜ୍ୟରେ ଚାଲୁ ରହିଥିବା ଓ ପ୍ରସ୍ତାବିତ ପ୍ରକଳ୍ପ ପାଇଁ ବ୍ୟୟବରାଦ କରିବାକୁ ପ୍ରସ୍ତାବ ଦେଇଛନ୍ତି। ମୁଖ୍ୟମନ୍ତ୍ରୀ ଓଡ଼ିଶାରେ ସହରୀକରଣ, ପର୍ଯ୍ୟଟନର ବିକାଶ ନିମନ୍ତେ ୧୦ ହଜାର କୋଟି ଟଙ୍କା ସହାୟତା ପାଇଁ ଅନୁରୋଧ କରିଛନ୍ତି। ଆକାଂକ୍ଷୀ ବ୍ଲକ କାର୍ଯ୍ୟକ୍ରମରେ ମୟୂରଭଞ୍ଜ ଓ କେନ୍ଦୁଝର ଜିଲ୍ଲାର ବାଦ୍ ପଡ଼ିଥିବା ୧୧ଟି ବ୍ଲକକୁ ଏହି ଯୋଜନାରେ ସାମିଲ କରିବା ଲାଗି ସେ ଅର୍ଥମନ୍ତ୍ରୀ ନିର୍ମଳା ସୀତାରମଣଙ୍କୁ ଅନୁରୋଧ କରିଛନ୍ତି। ସେହିଭଳି ରାଜ୍ୟରେ ନୂତନ ଶିଳ୍ପଭିତ୍ତିକ ସହରାଞ୍ଚଳର ବିକାଶ, ଶିଳ୍ପ ପାର୍କ, ବିଦ୍ୟୁତ ଗ୍ରୀଡ୍ ଆଦିର ବିକାଶ ପାଇଁ ମୁଖ୍ୟମନ୍ତ୍ରୀ ଦାବି ଉପସ୍ଥାପନ କରିଛନ୍ତି।

# କଇଁଛ ସୁରକ୍ଷା

ମୁଖ୍ୟ ଶାସନ ସଚିବ ମନୋଜ କୁମାର ଆହୁଜାଙ୍କ ଅଧ୍ୟକ୍ଷତାରେ ଭୁବନେଶ୍ୱର ଲୋକସେବା ଭବନରେ ଅଲିଭ ରିଡ୍‌ଲେ ସାମୁଦ୍ରିକ କଇଁଛଙ୍କ ସୁରକ୍ଷା ଓ ସଂରକ୍ଷଣ ପାଇଁ ଉଚ୍ଚକ୍ଷମତା ସମ୍ପନ୍ନ କମିଟି ବୈଠକ ଅନୁଷ୍ଠିତ ହୋଇଛି। ବୈଠକରେ ଶ୍ରୀ ଆହୁଜା ଆଧୁନିକ ଜ୍ଞାନକୌଶଳ ଉପଯୋଗରେ ସାମୁଦ୍ରିକ କଇଁଛମାନଙ୍କର ଗତିବିଧି ଉପରେ ନଜର ରଖିବା, ସମୂହ ଅଣ୍ଡାଦାନ ଋତୁରେ ସମ୍ପୃକ୍ତ ଅଞ୍ଚଳରେ ବ୍ୟାପକ ସଚେତନତା ଏବଂ ଆଇନ ଖିଲାପକାରୀଙ୍କ ବିରୁଦ୍ଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ଲାଗି ବ୍ୟବସ୍ଥାକୁ ଅଧିକ ସୁଦୃଢ଼ କରିବା ପାଇଁ ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି। ସୂଚନା ଅନୁସାରେ ୨୦୨୪-୨୫ ବର୍ଷ ନିମନ୍ତେ କଇଁଛଙ୍କ ସୁରକ୍ଷା ଓ ସଂରକ୍ଷଣ ପାଇଁ ବିଭିନ୍ନ ପଦକ୍ଷେପ ନିଆଯାଉଛି।

# ସର୍ଗିଫୁଲ ଉତ୍ସବ ଉଦ୍‌ଯାପିତ

ଭୁବନେଶ୍ୱର ଆଦିବାସୀ ପଡ଼ିଆରେ ଅନୁଷ୍ଠିତ ରାଜ୍ୟସ୍ତରୀୟ ସର୍ଗିଫୁଲ ଉତ୍ସବ ଉଦ୍‌ଯାପିତ ହୋଇଛି। ଏହି ଅବସରରେ ଯୋଗଦେଇ ବିଦ୍ୟାଳୟ ଓ ଗଣଶିକ୍ଷା ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ କହିଛନ୍ତି, ବିଦ୍ୟାଳୟ ତଥା ଛାତ୍ରାବାସରେ ରହି ପାଠପଢୁଥିବା ଛାତ୍ରଛାତ୍ରୀଙ୍କ ପ୍ରତିଭାକୁ ସାର୍ବଜନୀନ କରିବା ତଥା ସେମାନଙ୍କ ଦକ୍ଷତା ବିକାଶ ପାଇଁ ସର୍ଗିଫୁଲ ଆୟୋଜିତ ହୋଇଥିଲା।

ଉତ୍ସବରେ ଉଚ୍ଚ ମାଧ୍ୟମିକ ପରୀକ୍ଷାରେ ଶ୍ରେଷ୍ଠ ପ୍ରଦର୍ଶନ କରିଥିବା ବାଣିଜ୍ୟ, ବିଜ୍ଞାନ ଓ କଳା ବିଭାଗର ଛାତ୍ରଛାତ୍ରୀଙ୍କୁ ପୁରସ୍କୃତ କରାଯାଇଥିଲା ।

## ପଞ୍ଚସଖା ସେତୁ ଯୋଜନା

ରାଜ୍ୟରେ ଖୁବ୍‌ଶୀଘ୍ର ପଞ୍ଚସଖା ଶିକ୍ଷା ସେତୁ ଯୋଜନା କାର୍ଯ୍ୟକାରୀ ହେବା ନେଇ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଛି । ବିଜ୍ଞପ୍ତି ଅନୁସାରେ, ମୋ ସ୍କୁଲ ଅଭିଯାନ ପରିଚାଳନା ସଂଗଠନକୁ ପଞ୍ଚସଖା ଶିକ୍ଷା ସେତୁ ଭାବେ ପୁନଃନାମିତ କରାଯିବ । ଏହି ଯୋଜନାର କାର୍ଯ୍ୟକାରିତା ନେଇ ଜିଲ୍ଲାପାଳଙ୍କ ଅଧ୍ୟକ୍ଷତାରେ ବିଭିନ୍ନ ଜିଲ୍ଲାରେ ଜିଲ୍ଲାସ୍ତରୀୟ କମିଟି ଏବଂ ରାଜ୍ୟସ୍ତରୀୟ କମିଟି ଗଠନ କରାଯିବ ବୋଲି ବିଜ୍ଞପ୍ତିରେ କୁହାଯାଇଛି ।

## ଦକ୍ଷତା ବିକାଶ କର୍ମଶାଳା

ଭୁବନେଶ୍ୱର କୃଷି ଭବନରେ ରାଜ୍ୟ ମାଧ୍ୟମିକ ଶିକ୍ଷା ନିର୍ଦ୍ଦେଶାଳୟ ପକ୍ଷରୁ ୧୧୦ଟି ଉନ୍ନୀତ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟରେ କାର୍ଯ୍ୟରତ ଭାରପ୍ରାପ୍ତ ଅଧ୍ୟକ୍ଷମାନଙ୍କ କାର୍ଯ୍ୟ ସମୀକ୍ଷା ଓ ଦକ୍ଷତା ବିକାଶ କର୍ମଶାଳା ଆୟୋଜିତ ହୋଇଛି । କର୍ମଶାଳାରେ ବିଦ୍ୟାଳୟର ସୁପରିଚାଳନା ପାଇଁ ପରୀକ୍ଷା ପରିଚାଳନା ପଦ୍ଧତି, ଇ-ଆଡମିଶନ ପ୍ରକ୍ରିୟା, ଆର୍ଥିକ ପରିଚାଳନା, ଶୈକ୍ଷିକ ସମୀକ୍ଷା, ଆପାର ଆଇ.ଡି. ଆଦି ସମ୍ପର୍କରେ ଆଲୋଚନା କରାଯାଇଥିଲା ।

# ସାଧାରଣତନ୍ତ୍ର ଦିବସ ବୈଠକ

ଗୃହ ବିଭାଗ ପକ୍ଷରୁ ବିଭାଗୀୟ ଅତିରିକ୍ତ ମୁଖ୍ୟ ଶାସନ ସଚିବ ସତ୍ୟବ୍ରତ ସାହୁଙ୍କ ଅଧ୍ୟକ୍ଷତାରେ ରାଜ୍ୟରେ ୭୬ତମ ସାଧାରଣତନ୍ତ୍ର ଦିବସ ପାଳନ ପାଇଁ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଛି । ଆସନ୍ତା ବର୍ଷ ମହାତ୍ମା ଗାନ୍ଧୀ ମାର୍ଗରେ ଅନୁଷ୍ଠିତ ହେବାକୁ ଥିବା ସାଧାରଣତନ୍ତ୍ର ଦିବସ ପରେଡ୍‌ରେ ୪୦ଟି ୟୁନିଟ୍, ୧୦ଟି ପ୍ରଜ୍ଞାପନ ମେଢ଼ ଓ ୪ଟି ସାଂସ୍କୃତିକ ଦଳ ଅଂଶଗ୍ରହଣ କରିବେ । ରାଜ୍ୟପାଳ ରଘୁବର ଦାସ ପତାକା ଉତ୍ତୋଳନ କରିବେ ବୋଲି ବୈଠକରୁ ଜଣାପଡ଼ିଛି ।

# ନୂତନ ସ୍ୱାସ୍ଥ୍ୟସେବା ନିର୍ଦ୍ଦେଶକ

ରାଜ୍ୟ ସ୍ୱାସ୍ଥ୍ୟ ବିଭାଗର ସ୍ୱତନ୍ତ୍ର ସଚିବ ଭାବେ ସ୍ୱାସ୍ଥ୍ୟସେବା ନିର୍ଦ୍ଦେଶକ ଡାକ୍ତର ବିଜୟ ମହାପାତ୍ର ଦାୟିତ୍ୱ ତୁଲାଇବେ । ପରବର୍ତ୍ତୀ ସ୍ୱାସ୍ଥ୍ୟସେବା ନିର୍ଦ୍ଦେଶକ ନିଯୁକ୍ତ ନ ହେବା ପର୍ଯ୍ୟନ୍ତ ସେ ଏହି ଦାୟିତ୍ୱରେ ରହିବେ ବୋଲି ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଛି ।

# ନୂଆପଡ଼ା– ସ୍ୱାସ୍ଥ୍ୟସେବା

ରାଜ୍ୟରେ ସ୍ୱାସ୍ଥ୍ୟସେବାରେ ଉନ୍ନତି ପାଇଁ ଗତ ଛଅ' ମାସ ମଧ୍ୟରେ ଅନେକ ପଦକ୍ଷେପ ନିଆଯାଇଛି ବୋଲି ସ୍ୱାସ୍ଥ୍ୟମନ୍ତ୍ରୀ ଡକ୍ଟର ମୁକେଶ ମହାଲିଙ୍ଗ କହିଛନ୍ତି । ନୂଆପଡ଼ା ଗସ୍ତରେ ଥିବା ସ୍ୱାସ୍ଥ୍ୟମନ୍ତ୍ରୀ କହିଛନ୍ତି,

ପ୍ରତ୍ୟେକ ଜିଲ୍ଲାରେ ମେଡିକାଲ କଲେଜ ସ୍ଥାପନ ନେଇ ରାଜ୍ୟ ସରକାର ନିଷ୍ପତ୍ତି ନେଇଛନ୍ତି। ବିଭିନ୍ନ ହସ୍ପିଟାଲରେ ଖାଲି ପଡ଼ିଥିବା ଡାକ୍ତର ଓ ପାରାମେଡିକାଲ କର୍ମଚାରୀ ନିଯୁକ୍ତି କରାଯିବ ବୋଲି ସେ କହିଛନ୍ତି।

## ଉନ୍ନୟନମୂଳକ କାର୍ଯ୍ୟର ସମୀକ୍ଷା

ଅତିରିକ୍ତ ମୁଖ୍ୟ ଶାସନ ସଚିବ ତଥା ଗୋପବନ୍ଧୁ ଏକାଡେମୀର ମହାନିର୍ଦ୍ଦେଶକ ଜି.ମାଥିଭାଥନନ୍ କେନ୍ଦ୍ରାପଡ଼ା ଗସ୍ତରେ ଆସି ବିଭିନ୍ନ ଉନ୍ନୟନମୂଳକ କାର୍ଯ୍ୟର ସମୀକ୍ଷା କରିଛନ୍ତି। ବୈଠକରୁ ମିଳିଥିବା ତଥ୍ୟ ଅନୁଯାୟୀ, ଜିଲ୍ଲାରେ ମେଗା ପାନୀୟଜଳ ପ୍ରକଳ୍ପ ମାଧ୍ୟମରେ ଜଳକ୍ଲିଷ୍ଟ ଗ୍ରାମଗୁଡ଼ିକୁ ପାନୀୟ ଜଳ ଯୋଗାଇ ଦେବା ବ୍ୟବସ୍ଥା କରାଯାଇଛି। ଅତିରିକ୍ତ ମୁଖ୍ୟ ଶାସନ ସଚିବ ବିଭିନ୍ନ ପ୍ରକଳ୍ପ ଗୁଡ଼ିକୁ ନିର୍ଦ୍ଦିଷ୍ଟ ସମୟସୀମା ମଧ୍ୟରେ ଶେଷ କରିବା ଉପରେ ଗୁରୁତ୍ୱାରୋପ କରିଥିଲେ।

## ରେଳ ପୁନଃନିର୍ମାଣ କାର୍ଯ୍ୟ

ପୂର୍ବତଟ ରେଳପଥ ଅଧୀନ ଭଦ୍ରକ ରେଳଷ୍ଟେସନ୍‌ରେ ୟାର୍ଡ ପୁନଃନିର୍ମାଣ କାର୍ଯ୍ୟଶେଷ ହୋଇଛି। ଟ୍ରେନ୍ ପରିଚାଳନାକୁ ଶୃଙ୍ଖଳିତ କରିବା ଲକ୍ଷ୍ୟରେ ପୁନଃନିର୍ମାଣ କରାଯାଇଥିବା ପୂର୍ବତଟ ରେଳପଥ ପକ୍ଷରୁ କୁହାଯାଇଛି।

# ପାଣିପାଗ

ବଙ୍ଗୋପସାଗରରେ ସୃଷ୍ଟ ଲଘୁଚାପ ପ୍ରଭାବରେ ରାଜ୍ୟର ବିଭିନ୍ନ ଅଞ୍ଚଳରେ ମେଘୁଆ ପାଗ ସହ ବର୍ଷା ଲାଗି ରହିଛି । ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ରର ସୂଚନା ଅନୁଯାୟୀ, ଆସନ୍ତା ଦୁଇ ଦିନ ପର୍ଯ୍ୟନ୍ତ ବିଭିନ୍ନ ସ୍ଥାନରେ ସାମାନ୍ୟରୁ ମଧ୍ୟମ ଧରଣର ବର୍ଷା ହେବାର ସମ୍ଭାବନା ରହିଛି । ଆଜି ଗଜପତି, ଗଞ୍ଜାମ, ଜଗତସିଂହପୁର ଏବଂ କେନ୍ଦ୍ରାପଡ଼ା ଜିଲ୍ଲାକୁ ପ୍ରବଳ ବର୍ଷା ହେବା ନେଇ ସତର୍କ ସୂଚନା ଜାରି କରାଯାଇଛି । ଗତକାଲି ଖୋର୍ଦ୍ଧାରେ ସର୍ବାଧିକ ୪୦ ମିଲିମିଟର ବର୍ଷା ରେକର୍ଡ କରାଯାଇଛି ।